## APPENDIX A TO SCHEDULE III

# କେସିଙ୍ଗା ଅଧିସୂଚିତ କ୍ଷେତ୍ର ପରିଷଦ

ନଂ.୩୯୨ . ତା. ୦୯.୦୨.୨୦୨୨.

## ପ୍ରେସ୍ ବିଜ୍ଞପ୍ତି

କେସିଙ୍ଗା ଅଧିସୂଚିତ କ୍ଷେତ୍ର ପରିଷଦର ନିର୍ବାଚନ ନିମନ୍ତେ ଭୋଟର ତାଲିକା ପ୍ରସ୍ତୁତି ପାଇଁ ରାଜ୍ୟ ନିର୍ବାଚନ କମିଶନ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । ଜାନୁଆରୀ ୨୦୨୨ ରେ ପ୍ରକାଶିତ ବିଧାନ ସଭା ଭୋଟର ତାଲିକାକୁ ଭିତ୍ତିକରି ପ୍ରାଥମିକ ଭୋଟର ତାଲିକା କେସିଙ୍ଗା ଅଧିସୂଚିତ କ୍ଷେତ୍ର ପରିଷଦର କାର୍ଯ୍ୟାଳୟରେ ପ୍ରକାଶନ କରାଯାଇଛି ଏବଂ ସର୍ବସାଧାରଣଙ୍କ ପରିଦର୍ଶନ ପାଇଁ ଉକ୍ତ ଭୋଟର ତାଲିକା ନିର୍ବାଚନ ଅଧିକାରୀ/କେସିଙ୍ଗା କାର୍ଯ୍ୟାଳୟରେ ତାରିଖ ୧୧.୦୨.୨୦୨୨ ରୁ ତାରିଖ ୧୫.୦୨. ୨୦୨୨ ପର୍ଯ୍ୟନ୍ତ ଉନ୍ମୁକ୍ତ ରହିବ । ଭୋଟର ମାନଙ୍କୁ ଜଣାଇ ଦିଆଯାଇଛି ଯେ, ତାଙ୍କର ନାମ ସମ୍ପୃକ୍ତ ୱାର୍ଡରେ ଠିକ୍ ଭାବେ ଭୋଟର ତାଲିକା ଭୁକ୍ତ ହୋଇଛି କି ନାହିଁ ତନଖି କରି ନିଅନ୍ତୁ । ଯଦି କୌଣସି ଭୋଟର ଙ୍କ ନାମ ବିଧାନସଭା ଭୋଟର ତାଲିକାଭୁକ୍ତ ଥାଇ ୱାର୍ଡୱାରୀ ପ୍ରସ୍ତୁତ ହୋଇଥିବା କେସିଙ୍ଗା ଅଧିସୂଚିତ କ୍ଷେତ୍ର ପରିଷଦ ଭୋଟର ତାଲିକାରେ ସ୍ଥାନ ପାଇ ନ ଥାଏ ତେବେ ଭୋଟର ତାଲିକାରେ ନାମ ଅନ୍ତର୍ଭୁକ୍ତ, ସଂଶୋଧନ କରିବା ପାଇଁ ଫାରମ ନଂ.III ରେ ଦରଖାସ୍ତ ନିମ୍ନସ୍ୱାକ୍ଷରକାରୀ ଙ୍କ କାର୍ଯ୍ୟାଳୟରେ ତାରିଖ ୧୧.୦୨. ୨୦୨୨ ରୁ ତାରିଖ ୧୬.୦୨.୨୦୨୨ ମଧ୍ୟରେ ଦାଖଲ କରିପାରିବେ ଏବଂ ଯେଉଁ ମାନଙ୍କର ନାମ ଭୁଲ ୱାର୍ଡରେ ଅର୍ନ୍ତଭୁକ୍ତ ହୋଇଥିବ ସେମାନେ ମଧ୍ୟ ସଂଶୋଧନ ପାଇଁ ଫାରମ ନଂ.IV ରେ ଦରଖାସ୍ତ ତାରିଖ ୧୧.୦୨. ୨୦୨୨ ରୁ ତାରିଖ ୧୬.୦୨.୨୦୨୨ ମଧ୍ୟରେ ଦାଖଲ କରିପାରିବେ । ପ୍ରାଥମିକ ଭୋଟର ତାଲିକାରେ ଅର୍ନ୍ତଭୁକ୍ତ ହୋଇଥିବା କୌଣସି ଭୋଟରଙ୍କର ନାମ ସମ୍ପର୍କରେ ଆପତ୍ତି ଫାରମ ନଂ.IV ରେ ଉପରୋକ୍ତ ତାରିଖ ମଧ୍ୟରେ ଦାଖଲ କରିପାରିବେ । ଫାରମ ନଂ.III ଓ ଫାରମ୍ ନଂ. IV ନିର୍ବାଚନ ଅଧିକାରୀ ଙ୍କ କାର୍ଯ୍ୟାଳୟ ରୁ ବିନା ମୂଲ୍ୟରେ ମିଳିପାରିବ । ଯଦି ନିର୍ଦ୍ଧାରିତ ଛପା ଫାରମ ନ ମିଳେ, ତେବେ ତାହାର ଅବିକଳ ନକଲ ହାତରେ ଲେଖି ଅଥବା ଟାଇପ, ଫଟୋ କପି କିମ୍ବା ସାଇକ୍ଲୋଷ୍ଟାଇଲ କରି ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ଦାଖଲ କରିପାରିବେ ।

9.2.22

ନିର୍ବାଚନଅଧିକାରୀ
କେସିଙ୍ଗା ଅଧିସୂଚିତ କ୍ଷେତ୍ର ପରିଷଦ

Scanned with CamScanner